The Orissa Gazette

**EXTRAORDINARY**
**PUBLISHED BY AUTHORITY**

**No. 1094, CUTTACK, TUESDAY, JULY 3, 2007/ ASADHA 12, 1929**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 21 ମଇ 2007

ନଂ.19360-ଏଲ୍.ଏ.(ଏ)88/2007- କଟକ /ରା.ବି.ପ.— ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ହରିଦାସପୁର—ପାରାଦ୍ୱୀପ ନୂତନ ଓସାରିଆ ରେଳପଥ ପାଇଁ ସରକାର ସରକାରୀ ବ୍ୟୟରେ ମୌଜା-ହାତିଆ (ଅତିରିକ୍ତ), ଥାନା-ପାଟକୁରା, ଜିଲ୍ଲା- କେନ୍ଦ୍ରାପଡ଼ାରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଛି । ତେଣୁ ଏତଦ୍ୱାରା ଘୋଷଣା କରାଯାଉଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ ଏ 0.238 କର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894 ର ଅଧିନିୟମର ଧାରା 6ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥି ସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନର 4(1) ଧାରା ଅନୁଯାୟୀ ଅଧିସୂଚନା ନଂ. 52052, ତା 08-11-06 ରିଖ, ରାଜପତ୍ର ସଂଖ୍ୟା 1698, ତା 01-12-2006 ରିଖ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀ ହରିଦାସପୁର—ପାରାଦ୍ୱୀପ ନୂତନ ଓସାରିଆ ରେଳପଥ କେନ୍ଦ୍ରାପଡ଼ାଙ୍କ କାର୍ଯ୍ୟାଳୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶକ୍ରମେ

ପ୍ରଦୀପ୍ତ କୁମାର ପଟନାୟକ
ଯୁଗ୍ମ ଶାସନ ସଚିବ

Printed and published by the Director, Printing, Stationery and Publication, Orissa, Cuttack-10
Ex. Gaz. 347-193+20